# ଭା.କୃ.ଅ.ନୁ.ପ.- କେନ୍ଦ୍ରୀୟ କପା ଗବେଷଣା ପ୍ରତିଷ୍ଠାନ, ନାଗପୁର
## କପା ଚାଷ ପାଇଁ I (ପ୍ରଥମ) ସାପ୍ତାହିକ ପରାମର୍ଶ

| ODISHA | | ପୂର୍ବ ସପ୍ତାହରେ ବାସ୍ତବିକ ବର୍ଷା (ମିମି) | | | | | ଆଗାମୀ ସପ୍ତାହରେ ଆନୁମାନିକ ବର୍ଷା (ମିମି) | | | | |
|---|---|---|---|---|---|---|---|---|---|---|---|
| | | ମେ/ଜୁନ | | | | | ଜୁନ | | | | |
| | | 29 | 30 | 31 | 01 | 02 | 03 | 05 | 06 | 07 | 08 |
|  | କୋରାପୁଟ | | | | | | | | | | |
| | କଳାହାଣ୍ଡି | | | | | | | 0.7 | 2.3 | 2.2 | 4.3 |
| | ବଲାଙ୍ଗିର | | | | | | | 0.2 | 0.4 | 0 | 0.1 |
| ବର୍ଷ ପରିମାଣ ଓ ରଙ୍ଗ ସଂକେତ | | ୦.୧ ରୁ ୨.୪ ମିମି | | ୨.୫ ରୁ ୧୫.୫ ମିମି | | ୧୫.୬ ରୁ ୬୪.୪ ମିମି | | ୬୪.୫ ରୁ ୧୧୫.୫ ମିମି | | ୧୧୫.୬ ରୁ ୨୦୪.୪ ମିମି | |
| ବର୍ଷା ପ୍ରକାର | | ଅତି ଅଳ୍ପ ବର୍ଷା | | ଅଳ୍ପ ବର୍ଷା | | ସାଧାରଣ ବର୍ଷା | | ପ୍ରବଳ ବର୍ଷା | | ଅତି ପ୍ରବଳ ବର୍ଷା | |

କପା ଫସଲ ଅବସ୍ଥା:

ମୌସୁମୀ ବର୍ଷା ଆସି ନ ଥିବାରୁ ଓଡିଶାରେ ଏ ପର୍ଯନ୍ତ କପା ଲଗାଇବା କାମ ଆରମ୍ଭ ହୋଇ ନାହି।ଚାଷୀମାନେ ଜମି ପ୍ରସ୍ତୁତ କରିବା ସହିତ ଆବଶ୍ୟକ ସାମଗ୍ରୀ ସଂଗ୍ରହ କରି ସାରିଲେଣି ।ବର୍ଷା ହେବା ସଙ୍ଗେ ସଙ୍ଗେ କପା ଲଗାଇବା କାମ ଆରମ୍ଭ ହୋଇ ଯିବ।

ପରାମର୍ଶ:

ଚାଷୀ ମାନେ ନିଜ ଜମି ସଫା କରିବା ସହିତ ଖରଟିଆ ଚାଷ କରି ଦିଅନ୍ତୁ ।କପା ଚାଷ ପାଇଁ ଆବଶ୍ୟକ ସାମଗ୍ରୀ ଯଥା ଭଲ ବିହନ, ସାର, ସବୁଜ ଖାତ ର ବିହନ, ଅନ୍ତ ଫସଲର ବିହନ ଇତ୍ୟାଦି ପୂର୍ବରୁ ସଂଗ୍ରହ କରି ରଖନ୍ତୁ ।ଭଲ ଅମଳ ଦେଉଥିବା ଓ ଦୀର୍ଘ ତନ୍ତୁ ବିଶିଷ୍ଟ କପା କିସମ ଚୟନ କରନ୍ତୁ। କପା ଫସଲକୁ ପୋକ ଦାଉରୁ ରକ୍ଷା କରିବା ପାଇଁ ମକା, ଝୁଡଙ୍ଗ , ଜଡା ଓ ଗେଣ୍ଡୁ ଫୁଲ ର ବିହନ ମଧ୍ୟ  ସଂଗ୍ରହ କରନ୍ତୁ।

ଉନ୍ନତ କପା ଉତ୍ପାଦନ ପ୍ରଣାଳୀ ଯଥା ମୃତ୍ତିକା ଓ ବିହନ ଚୟନ, ସାର ପ୍ରୟୋଗ , ବୁଣିବା ପଦ୍ଧତି, ଜଳସେଚନ ଓ ଘାସ ପରିଚାଳନା, ରୋଗ ପୋକ ପରିଚାଳନା ଇତ୍ୟାଦି ଗୋଟିଏ ଅଣ୍ଡ୍ରୋଏଡ ଆଧାରିତ (ସିଆଇସିଆର  କଟନ ଆପ (**CICR Cotton App** ଯାହାକି ଆଇସିଏଆର-ସିଆଇସିଆର, ନାଗପୁର ଦ୍ୱାରା ପ୍ରସ୍ତୁତ କରାଯାଇଛି ସେଥିରୁ ରୁ ମିଳି ପାରିବ ।ଗୁଗଲ ପ୍ଲେ ଷ୍ଟୋର ରୁ ଏହି ଆପ କୁ ମାଗଣାରେ ଡାଉନଲୋଡ କରା ଯାଇ ପାରିବ ।ଏହା ଛଡା ଫସଲର ଅବସ୍ଥା ଓ ପାଣିପାଗ ଭିତ୍ତିକ ସାପ୍ତାହିକ ପରାମର୍ଶ ଗୁଡ଼ିକ ଆଇସିଏଆର-ସିଆଇସିଆର ୱେବ ସାଇଟ (https://cicr.org.in/resource-weekly-advisory) ରେ ଅପଲୋଡ କରା ଯାଉଛି, ଯାହାସବୁ  ଚାଷୀ ମାନଙ୍କ ଉପକାର ପାଇଁ ମଧ୍ୟ ମିଳି ପାରିବ ।